ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/CEO(Od)/259/27-02-2024**

# ପ୍ରଯୁକ୍ତି ବିଦ୍ୟା ଜିଲ୍ଲା ନୋଡାଲ ଅଧିକାରୀଙ୍କ ଦିନିକିଆ କର୍ମଶାଳା

ଭୁବନେଶ୍ୱର,୨୭/୦୨/୨୦୨୪:

ଆଗାମୀ ସାଧାରଣ ନିର୍ବାଚନ ପାଇଁ ପ୍ରଯୁକ୍ତି ବିଦ୍ୟା ଜିଲ୍ଲା ନୋଡାଲ ଅଧିକାରୀମାନଙ୍କର ଏକ ଦିନିକିଆ କର୍ମଶାଳା ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି । ରାଜ୍ୟର ସମସ୍ତ ଜିଲ୍ଲାରୁ ଆସିଥିବା ୩୦ ଜଣ ପ୍ରଯୁକ୍ତିବିଦ୍ୟା ଜିଲ୍ଲା ନୋଡାଲ ଅଧିକାରୀମାନଙ୍କୁ ନେଇ ଅନୁଷ୍ଠିତ ହୋଇଥିବା କର୍ମଶାଳାରେ ଅତିରିକ୍ତ ମୁଖ୍ୟ ଶାସନ ସଚିବ ତଥା ମୁଖ୍ୟ ନିର୍ବାଚନ ଅଧିକାରୀ ନିକୁଞ୍ଜ ବିହାରୀ ଧଳ ଯୋଗଦେଇ ନିର୍ବାଚନ ପ୍ରକ୍ରିୟାରେ ପ୍ରଯୁକ୍ତି ବିଦ୍ୟାର ପ୍ରୟୋଗ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ହୋଇଥିବାରୁ ଏହାର ପ୍ରୟୋଗ ଫଳରେ ସହଜରେ ଓ ସଠିକ୍ ଭାବରେ କାର୍ଯ୍ୟ ପରିଚାଳିତ ହୋଇଥାଏ ବୋଲି ମତପ୍ରକାଶ କରିଥିବାବେଳେ ଏହାର ସୁରକ୍ଷା ପ୍ରତି ଦୃଷ୍ଟି ଦେବାକୁ ପ୍ରଯୁକ୍ତିବିଦ୍ୟା ଜିଲ୍ଲା ନୋଡାଲ ଅଧିକାରୀମାନଙ୍କୁ ପରାମର୍ଶ ଦେଇଥିଲେ । ଓକାକ୍‌ରୁ ଆସିଥିବା ଦକ୍ଷ ସାଇବର ସୁରକ୍ଷା ବିଶେଷଜ୍ଞ ଶ୍ରୀ ମନମୋହନ ମହାପାତ୍ର, ଶ୍ରୀ ପ୍ରଭୁଦତ୍ତ ମହାପାତ୍ର ଓ ଶ୍ରୀ ହିମାଂଶୁ ଶେଖର ସାହୁ ପ୍ରମୁଖ ଏହି କର୍ମଶାଳାରେ ଉପସ୍ଥିତ ଥିବା ଜିଲ୍ଲା ପ୍ରଯୁକ୍ତି ବିଦ୍ୟା ଅଧିକାରୀମାନଙ୍କୁ ବିସ୍ତୃତ ଭାବେ ପ୍ରଶିକ୍ଷଣ ପ୍ରଦାନ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ଅତିରିକ୍ତ ମୁଖ୍ୟ ନିର୍ବାଚନ ଅଧିକାରୀ ଡ. ଏନ୍. ଥିରୁମାଳା ନାୟକ, ଉପମୁଖ୍ୟ ନିର୍ବାଚନ ଅଧିକାରୀ ପଦ୍ମଜା ଦାଶଙ୍କ ସହ ପ୍ରଯୁକ୍ତି ବିଦ୍ୟା ନୋଡ଼ାଲ ଅଧିକାରୀ ଦେବରାଜ ବେହେରା ପ୍ରମୁଖ ଉପସ୍ଥିତ ଥିଲେ ।

ପ୍ରଫୁଲ୍ଲ କୁମାର ମଲ୍ଲିକ
ଲୋକସମ୍ପର୍କ ଅଧିକାରୀ